ମା' ତାରିଣୀ ଠାକୁରାଣୀ ମନ୍ଦିର ଟ୍ରଷ୍ଟ
ସା/ପୋ.ଅ.-ଘଟଗାଁ, ଜି-କେନ୍ଦୁଝର-୭୫୮୦୨୭ (ଓଡ଼ିଶା)
ଫୋନ୍-

MAA TARINI THAKURANI TEMPLE TRUST
At/Po.: Ghatgaon, Dist-Keonjhar-758027 (Odisha)
Phone-

website-www.maatarini.co.in Email- maatarini.ghatgaon@gmail.com

ଚିଠି ନଂ. Letter No.: ୩୯୬ ତାରିଖ Date: ୧୪.୦୯.୨୦୨୨

# କୋଟେସନ୍ କଲ୍ ନୋଟିସ୍

ଏତଦ୍ୱାରା ଇଚ୍ଛୁକ ବ୍ୟକ୍ତି ମାନଙ୍କୁ ଜଣାଇ ଦିଆଯାଉଅଛି କି ମା'ତାରିଣୀଙ୍କ ପୀଠରେ ନିମ୍ନଲିଖିତ କାର୍ଯ୍ୟର ବିବରଣୀ ଅନୁଯାୟୀ ତା.୦୧.୧୦.୨୨ରିଖ ଷଷ୍ଠୀ ଠାରୁ ତା.୦୬.୧୦.୨୨ରିଖ ଭସାଣି ପର୍ଯ୍ୟନ୍ତ ଦୁର୍ଗାପୂଜା ଉପଲକ୍ଷେ ଦୁର୍ଗା ମେଢ, ଟେଣ୍ଟ, ମାଇକ୍, ଜେନେରେଟର ଓ ଆଲୋକ ସଜ୍ଜା ଇତ୍ୟାଦି କାର୍ଯ୍ୟ ଆବଶ୍ୟକ ହେଉଅଛି । ଯାହାର ମୋଟ ନିର୍ଦ୍ଧାରିତ ମୂଲ୍ୟ ଟ.୨,୦୦,୦୦୦/- (ଦୁଇ ଲକ୍ଷ ଟଙ୍କା) ମାତ୍ର । ଏଣୁ ଇଚ୍ଛୁକ ବ୍ୟକ୍ତି ତା-୧୬.୦୯.୨୦୨୨ରିଖ ଶୁକ୍ରବାର ଦିବା ୧୧ଘଟିକା ସମୟ ମଧ୍ୟରେ ନିମ୍ନ ସାକ୍ଷରକାରୀଙ୍କ କାର୍ଯ୍ୟାଳୟରେ ଉପସ୍ଥିତ ହୋଇ ସମସ୍ତ କାର୍ଯ୍ୟ ପାଇଁ ଏକକ କୋଟେସନ୍ ଦାଖଲ ପୂର୍ବକ ନିମ୍ନ ଲିଖିତ ଫର୍ମରେ ଆବେଦନ କରିପାରିବେ । ଆବେଦନ ପତ୍ର ସହିତ ଅମାନତ ଦେୟ ବାବଦକୁ ଟ. ୨୦,୦୦୦/- (କୋଡିଏ ହଜାର ଟଙ୍କା) ମାତ୍ରର ବ୍ୟାଙ୍କ ଡ୍ରାଫ୍ଟ "ମା' ତାରିଣୀ ଠାକୁରାଣୀ"ଙ୍କ ନାମେ କରି ଦାଖଲ କରିବେ । ଅମାନତ ରାଶିର ଡ୍ରାଫ୍ଟ ନଦେଇ ଆବେଦନ କଲେ ଉକ୍ତ ଦରଖାସ୍ତ ନାକଚ ହେବ । ଏହି ଅମାନତ ରାଶି କାର୍ଯ୍ୟ ସମାପ୍ତ ପରେ ଫେରସ୍ତ ଦିଆଯିବ । କୋଟେସନ୍ ସମୟରେ ପୂର୍ବରୁ ନିର୍ମାଣ କରିଥିବା ଦୁର୍ଗାଦେବୀଙ୍କ ମେଢ, ତୋରଣ ଓ ଆଲୋକ ସଜ୍ଜା ଇତ୍ୟାଦିର ଫଟୋ ପ୍ରଦାନ କରିବେ । ଏହି କୋଟେସନ୍ କଲ୍ ବିନା କାରଣରେ ନାକଚ ବା ପରିବର୍ତ୍ତନ କରାଯାଇପାରିବ । ଆବେଦନ କରିଥିବା ଦରଖାସ୍ତକାରୀଙ୍କ ମଧ୍ୟରୁ ଯାହାର ମୂଲ୍ୟ ସମସ୍ତଙ୍କ ଠାରୁ କମ୍ ହେବ ତାଙ୍କୁ କାର୍ଯ୍ୟାଦେଶ ଦିଆଯିବ ।

**କାର୍ଯ୍ୟର ବିବରଣୀ :-**

୧. ଦୁର୍ଗାଦେବୀଙ୍କ ମେଢ । ବାରୁଆଳୀ ଛଅ ସେଟ୍ । ବାରୁଆଳୀ ଛଅ ସେଟ୍ ପାଇଁ ଟେଣ୍ଟ ଓ କପଡା ଡେକୋରେଶନ - (୩୦ଫୁଟ୍ x ୫୦ଫୁଟ) । ବାରୁଆଳୀ ଟେଣ୍ଟ ଠାରୁ ପେଭର ଶେଷ ହୋଇଥିବା ପାହାଚ ପର୍ଯ୍ୟନ୍ତ କରି ସିଲିଙ୍ଗ୍ କରିବେ ଓ ବାରୁଆଳୀ ଟେଣ୍ଟ ଆରମ୍ଭ ସ୍ଥାନରେ ମଜଭୁତ୍ ପାହାଚ କରିବେ ।
୨. ଯଜ୍ଞ ମଣ୍ଡପର ଚାରିପାଖ ତାରପୋଲିନ୍ ଘେରାଉ । ଦୁର୍ଗା ମଣ୍ଡପ ସମ୍ମୁଖରେ ପେଭର ଶେଷ ହୋଇଥିବା ପାହାଚ ସମ୍ମୁଖରେ ଆକର୍ଷଣୀୟ ତୋରଣ ।
୩. ଆଲୋକ ସଜ୍ଜା (ତାରିଣୀ ମନ୍ଦିର/ମୁଖଶାଳା/ବେଢା/ଶିବ ମନ୍ଦିର/ଦୁଆରଶୁଣୀ ମନ୍ଦିର/ଦୁର୍ଗା ମଣ୍ଡପ ଠାରୁ ତାରିଣୀ ମନ୍ଦିର ମୁଖଶାଳା ପର୍ଯ୍ୟନ୍ତ ଓ ନୃତ୍ୟ ପାଇଁ ଆବଶ୍ୟକୀୟ ଅଟୋମେଟିକ୍/ମୁଭିଙ୍ଗ/ରଙ୍ଗିନ୍ ଷ୍ଟେକ୍ ଲାଇଟ୍) । ଗେଟ୍ ନଂ-୩ ସମ୍ମୁଖରେ ମେନ୍ ରୋଡ୍ ଉପରେ ଏକ ଲାଇଟ୍ ଗେଟ୍ ।
୪. ଭଲ ମାଇକ୍ ସେଟ୍, ଜେନେରେଟର ଓ ଆବଶ୍ୟକୀୟ ଅନ୍ୟାନ୍ୟ ଲାଇଟ୍ ବ୍ୟବସ୍ଥା ।
୫. ପାଲା ଓ ଭଜନ ପେଣ୍ଡାଲ୍ (୩୦ଫୁଟ x ୨୦ଫୁଟ, ଉଚ୍ଚତା-୫ଫୁଟ) 19mm ପ୍ଲାଏବୋର୍ଡ ଚଟାଣ, ବାପଷ୍ଟାଣ୍ଡ ଓ ପେଣ୍ଡାଲ୍ ଦୁଇ ପାର୍ଶ୍ୱରେ ଗ୍ରୀନ୍‌ରୁମ୍ ତଥା ସିଡି କରିବେ ।
୬. ପାଲା ଓ ଭଜନ ପେଣ୍ଡାଲ ସମ୍ମୁଖରେ ତାରପୋଲିନ ଛାଉଣୀ, କପଡା ସିଲିଙ୍ଗ୍ ଓ ଚାରିପାଖ ଗ୍ୟାଲେରୀ ସଜ୍ଜା-(୫୦ଫୁଟ x ୧୨୦ ଫୁଟ) ।
୭. ପ୍ଲାଷ୍ଟିକ ଚେୟାର ୬୦୦ଗୋଟା, ଷ୍ଟିଲ୍ ଗଦି ଥିବା ଚେୟାର୍ ୧୦୦ଗୋଟା ପେଣ୍ଡାଲ୍ ଓ ଅତିଥିମାନଙ୍କ ବସିବା ସ୍ଥାନ ପାଇଁ ଆବଶ୍ୟକୀୟ ମ୍ୟାଟ୍ । ଦର୍ଶକ ଓ ଅତିଥିମାନଙ୍କ ବସିବା ସ୍ଥାନ ମଝିରେ ତଥା ଦୁଇ ପାର୍ଶ୍ୱରେ ବ୍ୟାରିକେଡ୍ ସହିତ କପଡା ଓ୍ୱାଲିଙ୍ଗ୍ । ଏକ ରଙ୍ଗର ଚେୟାର୍ ଦେବେ, ଭଙ୍ଗା ଚେୟାର୍ ଗ୍ରହଣ ହେବ ନାହିଁ । ଆବଶ୍ୟକୀୟ ରୋଷେଇ ଉପକରଣ (ଡିସ୍, କଡେଇ, ଡବ୍, ବାଲ୍‌ଟି, ଡଙ୍କି, ପନିକି, ଚଟ, ଦରି ଇତ୍ୟାଦୟ ଯୋଗାଇବେ ।
୮. କାର୍ଯ୍ୟରେ ଅବହେଳା କାରଣରୁ ପୂର୍ବରୁ ନିଷେଧ କରାଯାଇଥିବା ଟେଣ୍ଟ ମାଲିକ ମାନେ ଏହି କୋଟେସନ୍‌ରେ ଆବେଦନ କରିପାରିବେ ନାହିଁ ।
୯. ଅନ୍ୟାନ୍ୟ ଜରୁରୀ ଆବଶ୍ୟକତା କାର୍ଯ୍ୟନିର୍ବାହୀ ଅଧିକାରୀଙ୍କ ବରାଦ ମୁତାବକ ଯୋଗାଇବେ । କାର୍ଯ୍ୟରେ ଅବହେଳା କଲେ ନିର୍ଦ୍ଧାରିତ ମୂଲ୍ୟରୁ ଅର୍ଥ କଟାଯିବ । ଭସାଣୀର ୨ଦିନ ମଧ୍ୟରେ ପ୍ରଥମେ ପାଲା ଓ ଭଜନ ସ୍ଥାନରୁ ଟେଣ୍ଟ ଜିନିଷ ଓ ଅନ୍ୟାନ୍ୟ ଜିନିଷ ଖାଲି କରିବେ । ତାପରେ ୩ଦିନ ମଧ୍ୟରେ ଦୁର୍ଗାମଣ୍ଡପର ଟେଣ୍ଟ ଜିନିଷ ଓ ଅନ୍ୟାନ୍ୟ ଜିନିଷ ଖାଲି କରିବେ । ସମସ୍ତ ଜିନିଷ ଖାଲି କରିବା ପରେ ଅମାନତ ରାଶି ଫେରସ୍ତ ପାଇଁ ଆବେଦନ କରିବେ । ନଚେତ ଅମାନତ ରାଶି ବ୍ୟାଜାପ୍ତି କରାଯିବ ।

***ଆବେଦନ ଫର୍ମ (A4 ସାଇଜ୍ ସାଧା କାଗଜରେ ନିମ୍ନଲିଖିତ ଅନୁଯାୟୀ ଲେଖି ବା ଟାଇପ୍ କରି ଆବେଦନ କରିବେ ):-***

୧. ଆବେଦନକାରୀଙ୍କ ପୁରା ନାମ :- ୨.ଆବେଦନକାରୀଙ୍କ ପିତାଙ୍କ ନାମ :- ୩.ସଂପୂର୍ଣ୍ଣ ଠିକଣା ଓ ମୋବାଇଲ ନଂ:-
୪. ସିକ୍ୟୁରିଟି ବାବଦକୁ ବ୍ୟାଙ୍କ ଡ୍ରାଫ୍ଟର ନଂ............ ତା.................. ପରିମାଣ.................... ବ୍ୟାଙ୍କର ନାମ..............................
୫. କୋଟେସନ୍ ମୂଲ୍ୟ ଅଙ୍କରେ ..........................................ଅକ୍ଷରରେ ..........................................
୬. ସଂପୂର୍ଣ୍ଣ ସାକ୍ଷର :-

Smohapatra
14/9/2022

କାର୍ଯ୍ୟନିର୍ବାହୀ ଅଧିକାରୀ
ମା' ତାରିଣୀ ଠାକୁରାଣୀ ମନ୍ଦିର ଟ୍ରଷ୍ଟ,
ଘଟଗାଁ, କେନ୍ଦୁଝର ।